## ଆଜି ଅନୁଗୋଳ ଜିଲ୍ଲାରୁ ୧୩ ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୧୨୫୯୮ ରେ ପହଞ୍ଚିଲା - ସୁସ୍ଥ ହେଲେ ୦୬ ଜଣ ।

ଅନୁଗୋଳ, ତା.୦୬.୦୪:- ଆଜି ଅନୁଗୋଳ ଜିଲ୍ଲାରେ ୧୩ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୨୫୨ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ୬ଜଣ ମହିଳା( ୩ଜଣ ପୁରୁଷ ଓ ୩ଜଣ ମହିଳା) , କଣିହାଁ ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା), ତାଲଚେର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ), ଅନୁଗୋଳ ପୌରାଞ୍ଚଳରୁ ୧ଜଣ ପୁରୁଷ, ଓ ଅନୁଗୋଳ ବ୍ଲକ୍ ଅଂଚଳରୁ ୧ ଜଣ ମହିଳା ଅଛନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ସାମାଜିକ ଦୂରତା ଅବଲମ୍ବ ନ କରିବା ସହିତ ମାସ୍କ ପରିଧାନ କରିବା ପାଇଁ ଜିଲ୍ଲାପାଳ ଜିଲ୍ଲାବାସୀଂକୁ ଆଉଥରେ ଅନୁରୋଧ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୦୬ଜଣ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୨୩୬ ତା.୦୬.୦୪.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ,
ଅନୁଗୋଳ